### ପିପିଲି ଗଣଦୁଷ୍କର୍ମ ଘଟଣା ପ୍ରସଙ୍ଗରେ

# କ୍ରାଇମବ୍ରାଂଚ ଷଡଯନ୍ତ୍ର କରି ଦୋଷୀଙ୍କୁ ଖଲାସ କରିବାରେ ସାହାଯ୍ୟ କରିଛି : ମହିଳାମୋର୍ଚ୍ଚା

- କୃଷିମନ୍ତ୍ରୀ ପ୍ରଦୀପ ମହାରଥୀଙ୍କ ବହିଷ୍କାର ଦାବି
- ତଦନ୍ତ ଭାର ସିବିଆଇକୁ ଦେବାକୁ ଦାବି କଲା ମହିଳାମୋର୍ଚ୍ଚା
- ୨୪ ଘଂଟା ମଧ୍ୟରେ ମନ୍ତ୍ରୀ ଇସ୍ତଫା ନଦେଲେ ରାଜ୍ୟବ୍ୟାପୀ ଆନ୍ଦୋଳନ
- ପୀଡିତା ପରିବାରକୁ ଭେଟିଲା ବିଜେପି ପ୍ରତିନିଧୀ ଦଳ
- ସନ୍ଧ୍ୟାରେ କ୍ୟାଣ୍ଡେଲ ଶୋଭାଯାତ୍ରା
- ଦୁଷ୍କର୍ମ ପୀଡିତାଙ୍କୁ ନ୍ୟାୟ ଦେବାରେ ସରକାର ବିଫଳ

**ଭୁବନେଶ୍ୱର, ତା.୨୭/୧୨ :** ପିପିଲିର ଦଳିତ ଝିଅ ବେବିନା ଗଣଦୁଷ୍କର୍ମ ମାମଲାରେ ଅଭିଯୁକ୍ତ ମାନେ ନିର୍ଦ୍ଦୋଷରେ ଖଲାସ ହେବା ପରେ ରାଜ୍ୟ ସରକାରର ବରିଷ୍ଠ ମନ୍ତ୍ରୀ ତଥା ସ୍ଥାନୀୟ ବିଧାୟକ ପ୍ରଦୀପ ମହାରଥୀ ପୀଡିତାଙ୍କୁ ନ୍ୟାୟ ମିଳିବା ବୋଲି କହିବା ଅତ୍ୟନ୍ତ ଦୁଃଖ ଦାୟକ ଓ ସମ୍ବେଦନହୀନ ବୋଲି ରାଜ୍ୟ ବିଜେପି ମହିଳା ମୋର୍ଚ୍ଚା ସଭାନେତ୍ରୀ ଶ୍ରୀମତୀ ପ୍ରଭାତି ପରିଡା କହିଛନ୍ତି ।

ରାଜ୍ୟ କାର୍ଯ୍ୟାଳୟରେ ଅନୁଷ୍ଠିତ ସାମ୍ବାଦିକ ସମ୍ମିଳନୀରେ ଶ୍ରୀମତୀ ପରିଡା କହିଛନ୍ତି ଯେ, ଓଡିଶାରେ ମହିଳାଙ୍କୁ ସମ୍ମାନ କେତେ ଦିଆଯାଉଛି ତାହା କ୍ୟାବିନେଟ ମନ୍ତ୍ରୀଙ୍କ ବୟାନରୁ ସ୍ପଷ୍ଟ ଜଣାପଡୁଛି । ମନ୍ତ୍ରୀ ମହାରଥୀ ପୀଡିତା ନ୍ୟାୟ ପାଇଛି କହି ପୂରା ସମଗ୍ର ମହିଳା ଜାତିକୁ ଅପମାନିତ କରିଛନ୍ତି । ଏଭଳି ସମ୍ବେଦନହୀନ ମନ୍ତବ୍ୟ ରଖିଥିବାରୁ ମୁଖ୍ୟମନ୍ତ୍ରୀ ମହାରଥୀଙ୍କୁ ତୁରନ୍ତ ମନ୍ତ୍ରିମଣ୍ଡଳରୁ ବହିଷ୍କାର କରିବା ସହ ଘଟଣାର ସିବିଆଇ ତଦନ୍ତ ନିର୍ଦ୍ଦେଶ ଦେବାକୁ ମହିଳା ମୋର୍ଚ୍ଚା ଦାବି କରିଛି ।

ବେବିନା ମାମଲାରେ ମହାରଥୀଙ୍କୁ ମୁଖ୍ୟମନ୍ତ୍ରୀ ମନ୍ତ୍ରୀମଣ୍ଡଳରୁ ବାହାର କରିଥିଲେ । ସ୍ଥାନୀୟ ଥାନା ଅଧିକାରୀ ତଦନ୍ତରେ ଅବହେଳା ପାଇଁ ନିଲମ୍ବିତ ହୋଇଥିଲେ । ଏବେବି ସାକ୍ଷ୍ୟ ପ୍ରମାଣ ନଦେଇ ଦୋଷୀଙ୍କୁ ଖଲାସ କରିବାରେ ସରକାର ସହଯୋଗ କରିଥିବା କଥା ପୀଡିତାର ପରିବାର ଅଭିଯୋଗ କରୁଛନ୍ତି । ଏପରି ସ୍ଥିତିରେ ମନ୍ତ୍ରୀ ଯେପରି ମନ୍ତବ୍ୟ ଦେଇଛନ୍ତି ଏହା ଅତ୍ୟନ୍ତ ଦୁର୍ଭାଗ୍ୟଜନକ । ଏହାର ପ୍ରତିବାଦରେ ମୋର୍ଚ୍ଚା ପକ୍ଷରୁ ଆଜି ସନ୍ଧ୍ୟାରେ କ୍ୟାଣ୍ଡେଲ ଶୋଭାଯାତ୍ରା କରାଯିବା ସହ ଏକ ପ୍ରତିନିଧୀଦଳ ପୀଡିତା ପରିବାର ସଦସ୍ୟଙ୍କୁ ଭେଟି ଆଲୋଚନା କରିଛି ।

୨୪ ଘଂଟା ମଧ୍ୟରେ ଯଦି ମନ୍ତ୍ରୀ ଇସ୍ତଫା ନଦେଲେ ଆସନ୍ତା ଶୁକ୍ରବାର ଓ ଶନିବାର ରାଜ୍ୟବ୍ୟାପୀ ଆନ୍ଦୋଳନ ସହ, ମନ୍ତ୍ରୀଙ୍କ କୁଶପୁତଳିକା ଦାହ କରାଯିବ ବୋଲି ଶ୍ରୀମତୀ ପରିଡା ସୂଚନା ଦେଇଛନ୍ତି ।

ଶ୍ରୀମତୀ ପରିଡା କହିଛନ୍ତି ଯେ, ମୁଖ୍ୟମନ୍ତ୍ରୀଙ୍କ କାର୍ଯ୍ୟାଳୟ ରୁ ମାତ୍ର ୨୫ କିଲୋମିଟର ଦୂରରେ ଗଣଦୁଷ୍କର୍ମ ପରେ ମୃତ୍ୟୁ ଘଟିଥିବା ଝିଅର ଦୋଷୀଙ୍କୁ ଦଣ୍ଡ ଦେବାରେ ରାଜ୍ୟ ସରକାର ଯୋଜନାବଦ୍ଧ ଭାବରେ ତଥ୍ୟ ପ୍ରମାଣ ଉପସ୍ଥାପନ ନକରି ଖସାଇ ଦେଇଛନ୍ତି । ଗୋଟିଏ ପଟେ ମୁଖ୍ୟମନ୍ତ୍ରୀ ମହିଳାଙ୍କୁ ସମ୍ମାନ ୩୩ ପ୍ରତିଶତ ସ୍ଥାନ ସଂରକ୍ଷଣର କୁମ୍ଭୀର କାନ୍ଦଣା କାନ୍ଦୁଥିବା ବେଳେ ଅନ୍ୟପଟେ ବେବିନା ୩୩ ପ୍ରତିଶତ ମହିଳାଙ୍କ ଭିତରେ ଆସୁଥିଲେ କି ନାହିଁ ବୋଲି ଶ୍ରୀମତୀ ପରିଡା ପ୍ରଶ୍ନ କରିଛନ୍ତି ।

*(ପୃଷ୍ଠା-୧/୨)*

ଗୋଟିଏ ପଟେ ରାଜ୍ୟସରକାର ମହିଳା ସଂରକ୍ଷଣ, ମିଶନ ଶକ୍ତି, ମହିଳା ସଶକ୍ତିକରଣ କଥା କହି ନିଜ ପ୍ରଶଂସା କରିଚାଲିଥିବାବେଳେ ଅନ୍ୟପଟେ ଶାସକ ଦଳର କ୍ୟାବିନେଟ ମନ୍ତ୍ରୀ ଦୁଷ୍କର୍ମ ପୀଡିତା ଉପରେ ସମ୍ବେଦନହୀନ ମନ୍ତବ୍ୟ ଦେବା ଅତ୍ୟନ୍ତ ଦୁଃଖଦାୟକ ଏବଂ ଦୁର୍ଭାଗ୍ୟଜନକ । ଯଦି ବାସ୍ତବରେ ରାଜ୍ୟସରକାର ମହିଳାଙ୍କୁ ଗୁରୁତ୍ୱ ଦେଉଛନ୍ତି ତେବେ ମୁଖ୍ୟମନ୍ତ୍ରୀ ତୁରନ୍ତ ମନ୍ତ୍ରୀ ପ୍ରଦୀପ ମହାରଥୀଙ୍କୁ ମନ୍ତ୍ରୀ ପଦରୁ ବହିଷ୍କାର କରନ୍ତୁ ବୋଲି ବିଜେପି ନେତ୍ରୀ ଶ୍ରୀମତୀ ଅପରାଜିତା ଷଡଙ୍ଗୀ କହିଛନ୍ତି ।

ମୁଖ୍ୟମନ୍ତ୍ରୀଙ୍କ ଅଧୀନରେ ଥିବା କ୍ରାଇମବ୍ରାଂଚ ଆଜି ତଥ୍ୟ ନଷ୍ଟକାରୀ ସଂସ୍ଥା ଭାବେ କାର୍ଯ୍ୟ କରୁଛି । ନିକଟ ଅତୀତରେ କୁନ୍ଦୁଲି ନାବାଳିକା ଦୁଷ୍କର୍ମ ପୀଡିତାର ପ୍ରମାଣ ବି କ୍ରାଇମବ୍ରାଂଚ ଦ୍ୱାରା ନଷ୍ଟ କରାଯାଇଥିଲା । ରାଜ୍ୟସରକାରଙ୍କ ଅପାରଗତା ଯୋଗୁଁ ଏବେ ପିପିଲି ଦୁଷ୍କର୍ମ ପୀଡିତାର ଦୋଷୀଙ୍କୁ ପ୍ରମାଣ ଅଭାବରୁ ଛାଡ କରାଯିବା ସର୍ବସମ୍ମୁଖକୁ ଆସିଛି । ଦୁଇ ଦୁଇଟି ଝିଅ ଧର୍ଷଣର ଶିକାର ହେବା ପରେ ମୁଖ୍ୟମନ୍ତ୍ରୀଙ୍କ କୁମ୍ଭକର୍ଣ୍ଣ ନିଦ ଭାଙ୍ଗୁନାହିଁ । ମନ୍ତ୍ରୀ ପ୍ରଦୀପ ମହାରଥୀଙ୍କ ବୟାନ ପରେ ମୁଖ୍ୟମନ୍ତ୍ରୀ ଚୁପ୍ ରହିବା ଅତ୍ୟନ୍ତ ଲଜ୍ଜାଜନକ ଘଟଣା । ଶାସକ ବିଜେଡି ଦଳିତ ଏବଂ ମହିଳା ବିରୋଧୀ ବୋଲି ମୁଖ୍ୟମନ୍ତ୍ରୀ ପ୍ରମାଣ ଦେଇଛନ୍ତି । ରାଜ୍ୟସରକାର ମହିଳାଙ୍କୁ ସୁରକ୍ଷା ଦେବାରେ ସଂପୂର୍ଣ୍ଣଭାବେ ବିଫଳ ବୋଲି ରାଜ୍ୟ ମୁଖପାତ୍ର ଶ୍ରୀ ପୀତାମ୍ବର ଆଚାର୍ଯ୍ୟ କହିଛନ୍ତି ।

ଏହି ସାମ୍ବାଦିକ ସମ୍ମିଳନୀରେ ରାଜ୍ୟ ଉପସଭାପତି ସମୀର ମହାନ୍ତି, ପୂର୍ବତନ ମନ୍ତ୍ରୀ ସୁରମା ପାଢୀ, ବିଜେପି ନେତା ରିଙ୍କନ ପଟ୍ଟନାୟକ ଓ ପିଙ୍କି ପ୍ରଧାନ ପ୍ରମୁଖ ଉପସ୍ଥିତ ଥିଲେ ।

**(ବିଜେପି ମିଡିଆ ସେଲ୍)**



odisha.bjp.org BJP4Odisha YouTube Odisha BJPlive